ପ୍ରେସ୍‌ନୋଟ୍ ।

## ଆଜି ଅନୁଗୋଳ ଜିଲ୍ଲାରୁ ୧୩୩ ଜଣ କରୋନା ପଜିଟିଭ ଚିହ୍ନଟ ।

ପଜିଟିଭ ସଂଖ୍ୟା ୪୦୩୯୩ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୫୫ଜଣ ।

ଅନୁଗୋଳ, ତା.୨୬.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୧୩୩ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୨୧ଜଣ ( ୧୬ଜଣ ପୁରୁଷ ଓ ୫ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୨୧ଜଣ ( ୧୧ଜଣ ପୁରୁଷ ଓ ୧୦ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୬ଜଣ ( ୧୦ଜଣ ପୁରୁଷ ଓ ୬ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୫ଜଣ ( ୧୧ଜଣ ପୁରୁଷ ଓ ୪ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୨ଜଣ ( ୧୦ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୧ଜଣ ( ୬ଜଣ ପୁରୁଷ ଓ ୫ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୦ଜଣ ( ୮ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୮ଜଣ ( ୭ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୭ଜଣ ( ୬ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୫ଜଣ ( ୫ଜଣ ପୁରୁଷ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ୩୬ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ଅନ୍ୟମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୫୫ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୭୦ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୨ ଲକ୍ଷ ୭୪ହଜାର ୯୧୮ ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୭୬ ତା.୨୬.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ